# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**8 March - 2025**

**News Editor : Tapan Kumar Maharana**

*********************************

## ମୁଖ୍ୟ ସମ୍ବାଦ

- ଲିଙ୍ଗଗତ ସମାନତାକୁ ସମ୍ମାନ ଜଣାଇବାରେ ମହିଳା ଦିବସ ଏକ ସୁଯୋଗ ପ୍ରଦାନ କରିଛି ବୋଲି; କହିଲେ ରାଷ୍ଟ୍ରପତି

– ମହିଳା ଦିବସ ପାଳନ ଅବସରରେ ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଏବଂ ମୁଖ୍ୟମନ୍ତ୍ରୀ ଜଣାଇଲେ ଶୁଭେଚ୍ଛା

- ଲକ୍ଷପତି ଦିଦି ସୃଷ୍ଟି କରିବାରେ ଓଡ଼ିଶା ଦେଶରେ ଦ୍ୱିତୀୟ ସ୍ଥାନରେ ରହିଛି; କହିଲେ ମୁଖ୍ୟମନ୍ତ୍ରୀ

– ହିତାଧିକାରୀଙ୍କୁ ପ୍ରଦାନ କଲେ ସୁଭଦ୍ରା ଯୋଜନାର ଦ୍ୱିତୀୟ କିସ୍ତି ଅର୍ଥ

- ଚଳିତ ବର୍ଷର ପ୍ରଥମ ରାଷ୍ଟ୍ରୀୟ ଲୋକ ଅଦାଲତ ଆଜି ଅନୁଷ୍ଠିତ

ଏବଂ

- କଟକରେ ଚାଲିଛି ଦେଶରେ ଗଚ୍ଛିତ କଳାଧନର ତଦନ୍ତ ସଂକ୍ରାନ୍ତ ଏସ୍.ଆଇ.ଟି. ବୈଠକ

*Desk*

# ରାଷ୍ଟ୍ରପତି ମହିଳା ଦିବସ

ଆନ୍ତର୍ଜାତିକ ମହିଳା ଦିବସ ଅବସରରେ ନୂଆଦିଲ୍ଲୀରେ ଆଜି 'ନାରୀ ଶକ୍ତି ସେ ବିକଶିତ ଭାରତ' ଶୀର୍ଷକ ଦିନିକିଆ ସମ୍ମିଳନୀ ଅନୁଷ୍ଠିତ ହୋଇଛି । ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏହି ସମ୍ମିଳନୀରେ ଅଧ୍ୟକ୍ଷତା କରି କହିଛନ୍ତି, ମହିଳାଙ୍କ ଅବଦାନକୁ ସମ୍ମାନ ଜଣାଇ ଏହି ଦିବସ ପାଳନ କରାଯାଉଛି । ଲିଙ୍ଗଗତ ସମାନତାକୁ ସମ୍ମାନ ଜଣାଇବାରେ ଏହି ଦିବସ ଏକ ସୁଯୋଗ ପ୍ରଦାନ କରିଛି ବୋଲି ଶ୍ରୀମତୀ ମୁର୍ମୁ କହିଛନ୍ତି। ଏହି ଅବସରରେ ରାଷ୍ଟ୍ରପତି ନିଜ ଜୀବନଯାତ୍ରାର ଅନୁଭୂତି ଉପରେ ଆଲୋକପାତ କରି କହିଛନ୍ତି...

**V/O**

ସମ୍ମିଳନୀରେ ଆଜି ଉଚ୍ଚସ୍ତରୀୟ ଆଲୋଚନାଚକ୍ର ଏବଂ ୩ଟି ବୈଷୟିକ ଅଧିବେଶନ ଅନୁଷ୍ଠିତ ହେଉଛି । ଏହି କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ରାଷ୍ଟ୍ରମନ୍ତ୍ରୀ ଅନ୍ନପୂର୍ଣ୍ଣା ଦେବୀ ଉପସ୍ଥିତ ଥିଲେ ।

*Desk*

# ରାଷ୍ଟ୍ରପତି – ମହିଳା ଦିବସ

ସମାଜର ବିଭିନ୍ନ କ୍ଷେତ୍ରରେ ମହିଳାଙ୍କର ଅବଦାନ ଏବଂ ସଫଳତାକୁ ସମ୍ମାନ ପ୍ରଦର୍ଶନ ସ୍ୱରୂପ ଆଜି ଆନ୍ତର୍ଜାତିକ ମହିଳା ଦିବସ ପାଳନ

କରାଯାଉଛି।  ବର୍ତ୍ତମାନ ସମୟରେ ବିଶ୍ୱର ବିଭିନ୍ନ କ୍ଷେତ୍ରରେ ନାରୀଶକ୍ତିର ପ୍ରଭାବ ପରିଲକ୍ଷିତ ହେଉଛି। ସ୍ୱାଭିମାନୀ, ସ୍ୱାବଲମ୍ବୀ ଏବଂ ସ୍ୱତନ୍ତ୍ରତାକୁ ପ୍ରାଧାନ୍ୟ ଦେଇ ଆଜିର ନାରୀ ପାଲଟିଛି ପ୍ରଶଂସାର କେନ୍ଦ୍ରବିନ୍ଦୁ।  ୧୯୭୫ ମସିହାରେ ମିଳିତ ଜାତିସଂଘର ସାଧାରଣ ପରିଷଦ ଆଜିର ଦିନକୁ ମହିଳା ଦିବସ ଭାବେ ପାଳନ କରିବାକୁ ସ୍ୱୀକୃତି ପ୍ରଦାନ କରିଥିଲା । ଚଳିତବର୍ଷ ମହିଳା ଓ ବାଳିକା ମାନଙ୍କ ପାଇଁ 'ଅଧିକାର, ସମାନତା ଓ ସଶକ୍ତୀକରଣ'ର ବାର୍ତ୍ତା ନେଇ ଏହି ଦିବସ ପାଳନ କରାଯାଉଛି ।

ଏହି ଦିବସ ପାଳନ ଅବସରରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଶୁଭେଚ୍ଛା ଜଣାଇବା ସହ ବିକଶିତ ପଥରେ ଦେଶର ଯାତ୍ରାରେ ମହିଳାଙ୍କୁ ସମର୍ଥନ ପ୍ରଦାନ କରିବାକୁ ଦେଶବାସୀଙ୍କୁ ଅନୁରୋଧ କରିଛନ୍ତି ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଅବସରରେ  ଦେଶର ମହିଳାଙ୍କୁ ପ୍ରଣାମ ଜଣାଇଛନ୍ତି । ସାମାଜିକ ଗଣମାଧ୍ୟମ ପୋଷ୍ଟରେ ଶ୍ରୀ ମୋଦୀ ବିଭିନ୍ନ ଯୋଜନା ଏବଂ କାର୍ଯ୍ୟକ୍ରମ ମାଧ୍ୟମରେ ମହିଳା ସଶକ୍ତୀକରଣକୁ ସରକାର ପ୍ରାଥମିକତା ପ୍ରଦାନ କରୁଛନ୍ତି ବୋଲି କହିଛନ୍ତି।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ ମହିଳାଙ୍କ ଶିକ୍ଷା, ସ୍ୱାସ୍ଥ୍ୟ, ସୁରକ୍ଷା, ଆର୍ଥିକ ସଶକ୍ତୀକରଣକୁ ପ୍ରୋତ୍ସାହିତ କରିବା ପାଇଁ ସରକାର ବିଭିନ୍ନ ପଦକ୍ଷେପ ଗ୍ରହଣ କରୁଛନ୍ତି ବୋଲି କହିଛନ୍ତି।

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏହି ଦିବସ ଅବସରରେ ବାର୍ତ୍ତା ଦେଇ କହିଛନ୍ତି, ରାଜ୍ୟ ସରକାରଙ୍କ ବହୁ ଆକାଂକ୍ଷିତ ଯୋଜନା ମହିଳାଙ୍କର ଆର୍ଥିକ ସ୍ୱାଧୀନତା ଏବଂ ବିକାଶଧାରାକୁ ଦ୍ୱିଗୁଣିତ କରିପାରିଛି।

ମହିଳା ଓ ଶିଶୁବିକାଶ ବିଭାଗ ପକ୍ଷରୁ ରାଜ୍ୟସ୍ତରୀୟ ଆନ୍ତର୍ଜାତୀୟ ମହିଳା ଦିବସ ଭୁବନେଶ୍ୱରସ୍ଥିତ ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆଜି ଅପରାହ୍ଣରେ ଅନୁଷ୍ଠିତ ହେବ । କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡା ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

ରାଜ୍ୟର ବିଭିନ୍ନ ସ୍ଥାନରେ ମହିଳା ଦିବସ ଅବସରରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଥିବା ଖବର ଆମର ହସ୍ତଗତ ହେଉଛି ।

*HS*

## ଏଲିନା- ଆନ୍ତର୍ଜାତିକ ମହିଳା ଦିବସ

ଆନ୍ତର୍ଜାତିକ ମହିଳା ଦିବସ ଉପଲକ୍ଷେ ଓଡ଼ିଆ ଆଣବିକ ବିଜ୍ଞାନୀ ଏଲିନା ମିଶ୍ର ପ୍ରଧାନମନ୍ତ୍ରୀଙ୍କ ସାମାଜିକ ଗଣମାଧ୍ୟମ ଆକାଉଣ୍ଟକୁ ପରିଚାଳନା କରୁଛନ୍ତି। ଏଲିନା ସାମାଜିକ ଗଣମାଧ୍ୟମରେ ଦେଶର ମହିଳାମାନଙ୍କୁ ବିଜ୍ଞାନ କ୍ଷେତ୍ରକୁ ଆସିବା ଲାଗି ଆହ୍ୱାନ ଦେଇଛନ୍ତି। ଭାରତୀୟ ମହିଳାଙ୍କ ପ୍ରତିଭା ରହିଛି ଏବଂ ବିଜ୍ଞାନ କ୍ଷେତ୍ରରେ ସେମାନଙ୍କର ଅପାର ସମ୍ଭାବନା ରହିଛି ବୋଲି ସେ କହିଛନ୍ତି।

*Malkangiri/DHNKL//BBSR/R*

# ସୁଭଦ୍ରା ସହାୟତା ରାଶି

ଭାରତ ବର୍ଷରେ ଲକ୍ଷପତି ଦିଦି ସୃଷ୍ଟି କରିବାରେ ଓଡ଼ିଶା ଦ୍ୱିତୀୟ ସ୍ଥାନ ଅଧିକାର କରିଛି। ମହିଳା ସଶକ୍ତୀକରଣ କ୍ଷେତ୍ରରେ ଏହା ଏକ ଉଲ୍ଲେଖନୀୟ ସଫଳତା ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ଆମ୍ବପୁଆ ବିବେକ ବିହାରଠାରେ ଆୟୋଜିତ ସ୍ୱତନ୍ତ୍ର ସମାରୋହରେ ଶ୍ରୀ ମାଝୀ ଆଜି ସୁଭଦ୍ରା ଯୋଜନାର ଦ୍ୱିତୀୟ କିସ୍ତି ସହାୟତା ରାଶି ପ୍ରଦାନ କରି କହିଛନ୍ତି, ସରକାର ମହିଳାଙ୍କୁ ସାମାଜିକ, ରାଜନୈତିକ, ଅର୍ଥନୈତିକ ସ୍ତରରେ ସଶକ୍ତ କରିବା ପାଇଁ ନିରନ୍ତର ଉଦ୍ୟମ ଜାରି ରଖିଛନ୍ତି। ଏହି କ୍ରମରେ ସୁଭଦ୍ରା ଯୋଜନା ଏକ ବ୍ୟାପକ ଅଭିଯାନର ରୂପ ନେବାକୁ ଯାଉଛି। ରାଜ୍ୟ ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ପ୍ରାୟ ୧ କୋଟି ୬୪ ହଜାର ହିତାଧିକାରୀଙ୍କୁ ପାଖାପାଖି ୫ ହଜାର ୩୨ କୋଟି ଟଙ୍କାର ଆର୍ଥିକ ସହାୟତା ରାଶି ପ୍ରଦାନ କରାଯାଇଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି।

**- V/O -**

ଏହି ଅବସରରେ ମୁଖ୍ୟମନ୍ତ୍ରୀ ବିଭିନ୍ନ ବିକାଶ ମୂଳକ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ କରିବାର କାର୍ଯ୍ୟସୂଚୀ ରହିଛି ।

ଏହି ଅବସରରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଯୋଗଦେଇ ମହିଳାମାନଙ୍କ ବିକାଶରେ ସୁଭଦ୍ରା ଯୋଜନା ଏକ ଯୁଗାନ୍ତକାରୀ ଯୋଜନା ବୋଲି କହିଛନ୍ତି। ଆୟୋଜିତ କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ, ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

ମାଲକାନଗିରି ଜିଲ୍ଲା ସଦର ମହକୁମା ମାଲ୍ୟବନ୍ତ ଛାତ୍ରାବାସ ପରିସରରେ ଆଜି ସୁଭଦ୍ରା ଯୋଜନା ଦ୍ୱିତୀୟ କିସ୍ତି ପ୍ରଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସେହିପରି ଢେଙ୍କାନାଳ ସହର ପଲ୍ଲିଶ୍ରୀ ମେଳା ପଡ଼ିଆରେ ଜିଲ୍ଲାର ୩ ଲକ୍ଷ ୮୦୦ ମହିଳାଙ୍କ ଆକାଉଣ୍ଟକୁ ଅନଲାଇନ ମାଧ୍ୟମରେ ସୁଭଦ୍ରା ଯୋଜନାର ଦ୍ୱିତୀୟ କିସ୍ତି ହସ୍ତାନ୍ତର କରାଯାଇଛି।

***CTC***

## ଲୋକ ଅଦାଲତ

ଚଳିତ ବର୍ଷର ପ୍ରଥମ ରାଷ୍ଟ୍ରୀୟ ଲୋକ ଅଦାଲତ ଆଜି ଓଡ଼ିଶା ହାଇକୋର୍ଟ ସମେତ ରାଜ୍ୟର ବିଭିନ୍ନ ଜିଲ୍ଲାରେ ଥିବା ଅଦାଲତରେ ଅନୁଷ୍ଠିତ ହେଉଛି। ଓଡ଼ିଶା ହାଇକୋର୍ଟରେ ୮ ଜଣ ବିଚାରପତି ବିଭିନ୍ନ କୋର୍ଟରେ ମାମଲାଗୁଡ଼ିକର ଆପୋଷ ସମାଧାନ କରୁଛନ୍ତି। ଓଡ଼ିଶା ହାଇକୋର୍ଟ ସମେତ ରାଜ୍ୟର ବିଭିନ୍ନ କୋର୍ଟରେ ଲୋକ ଅଦାଲତ ପାଇଁ ପ୍ରାୟ ଅଢ଼େଇ ଲକ୍ଷ ମାମଲା ଶୁଣାଣି ପାଇଁ ତାଲିକାଭୁକ୍ତ ହୋଇଛି।

*CTC*

## ଏସ୍‌ଆଇଟି ବୈଠକ

ଦେଶରେ ଗଚ୍ଛିତ କଳାଧନର ତଦନ୍ତ ପାଇଁ ଗଠିତ ସ୍ୱତନ୍ତ୍ର ତଦନ୍ତକାରୀ ଦଳ– ଏସ୍.ଆଇ.ଟି.ର ବୈଠକ ଆଜି କଟକଠାରେ ଅନୁଷ୍ଠିତ ହେଉଛି। ଏସ୍.ଆଇ.ଟି. ଉପାଧ୍ୟକ୍ଷ ତଥା ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତି ଜଷ୍ଟିସ୍ ଅରଜିତ ପଶାୟତଙ୍କ କଟକସ୍ଥିତ ବାସଭବନରେ ଏହି ବୈଠକ ଚାଲିଛି। ଏଥିରେ ଆୟକର ବିଭାଗ, ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ, କେନ୍ଦ୍ରୀୟ ପ୍ରତ୍ୟକ୍ଷ କର ବୋର୍ଡ, ରାଜ୍ୟ କ୍ରାଇମବ୍ରାଞ୍ଚ ଓ ଭିଜିଲାନ୍ସର ବରିଷ୍ଠ ଅଧିକାରୀମାନେ ଏଥିରେ ଯୋଗଦେଇ ଆଲୋଚନା ଜାରି ରଖିଛନ୍ତି।

*Desk*

## ଅଭିଯୋଗ ଶୁଣାଣି

ସପ୍ତଦଶ ବିଧାନସଭାର ତୃତୀୟ ଅଧିବେଶନ ଜାରି ରହିଥିବାରୁ ଆସନ୍ତା ସୋମବାର ମାର୍ଚ୍ଚ ୧୦ ତାରିଖ ଦିନ ଭୁବନେଶ୍ୱର ୟୁନିଟ୍-୫ ସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଜନଅଭିଯୋଗ ଶୁଣାଣି ବନ୍ଦ ରହିବ। ପରବର୍ତ୍ତୀ ଅଭିଯୋଗ ଶୁଣାଣି ତାରିଖ ବିଭିନ୍ନ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ ବୋଲି ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ସୂଚନା ଜାରି କରାଯାଇଛି।

***BBSR/R***

## ଇ-କେଓ୍ୱାଇସି ସମୀକ୍ଷା

ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ଲୋକସେବା ଭବନ ସ୍ଥିତ ସମ୍ମିଳନୀ କକ୍ଷରେ ବିଭାଗର ବିଭିନ୍ନ କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି। ରାଜ୍ୟରେ ଇ-କେଓ୍ୱାଇସି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ମନ୍ତ୍ରୀ ଶ୍ରୀ ପାତ୍ର ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ରାଜ୍ୟରେ ଏ ପର୍ଯ୍ୟନ୍ତ ପ୍ରାୟ ୯୨ ପ୍ରତିଶତ ହିତାଧିକାରୀମାନଙ୍କ ଇ-କେଓ୍ୱାଇସି ପ୍ରକ୍ରିୟା ଶେଷ ହୋଇଛି। ଏ ପର୍ଯ୍ୟନ୍ତ ଯୋଗାଣ ପ୍ରକ୍ରିୟାରେ ସାମିଲ ହୋଇ ନଥିବା ପ୍ରାୟ ୩୦ ଲକ୍ଷ ୮୪ ହଜାର ହିତାଧିକାରୀଙ୍କ ସମ୍ପର୍କରେ ତଥ୍ୟ ହାସଲ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି ବୋଲି ସେ କହିଛନ୍ତି। ସେହିପରି ରାଜ୍ୟରେ ନିର୍ଦ୍ଦିଷ୍ଟ ୩୦ଟି ସରକାରୀ ସୁଲଭ ମୂଲ୍ୟ ଦୋକାନକୁ ଜନପୋଷଣ କେନ୍ଦ୍ର ଭାବେ ପରୀକ୍ଷାମୂଳକ ରୂପେ ରୂପାନ୍ତରିତ କରାଯାଇ ରାସନ ସାମଗ୍ରୀ ସହ ପୁଷ୍ଟିଯୁକ୍ତ ଖାଦ୍ୟ ଯୋଗାଇ ଦେବାକୁ ପଦକ୍ଷେପ ନିଆଯିବା ସମ୍ପର୍କରେ ବୈଠକରେ ଆଲୋଚନା କରାଯାଇଥିଲା।

***Desk***

## ୟୁନିଫାଏଡ୍ ହ୍ୱାଟ୍ସଆପ ଶୁଭାରମ୍ଭ

ରାଜ୍ୟ ସରକାର ଏବଂ ମେଟା ଇଣ୍ଡିଆର ମିଳିତ ଆନୁକୂଲ୍ୟରେ ଏକ 'ଏକୀକୃତ ହ୍ୱାଟ୍ସଆପ୍'ର ଶୁଭାରମ୍ଭ ହୋଇଛି। ଭୁବନେଶ୍ୱର ଲୋକସେବା

ଭବନରେ ଏ ନେଇ ଏକ ବୁଝାମଣାପତ୍ର ସ୍ୱାକ୍ଷର ହୋଇଛି। ଏହି ହ୍ୱାଟ୍ସଆପ୍ ମାଧ୍ୟମରେ ରାଜ୍ୟର ୪୫ ନିୟୁତରୁ ଅଧିକ ଲୋକଙ୍କୁ ୪୨୯ରୁ ଊର୍ଦ୍ଧ୍ୱ ବିଭିନ୍ନ ସରକାରୀ ସେବା ଯୋଗାଇ ଦିଆଯିବ। ନାଗରିକମାନେ ଗୋଟିଏ ହ୍ୱାଟ୍ସଆପ୍ ନମ୍ବର ଜରିଆରେ ଜନ୍ମ ଓ ଆୟ ପ୍ରମାଣପତ୍ର ପାଇବା, ଡ୍ରାଇଭିଂ ଓ ସାର ଲାଇସେନ୍ସ ପାଇଁ ଆବେଦନ କରିବା ଆଦି ବିଭିନ୍ନ ସରକାରୀ ସେବା ପାଇପାରିବେ। ପ୍ରଶାସନିକ ବ୍ୟବସ୍ଥାରେ ହ୍ୱାଟ୍ସଆପ୍ ବ୍ୟବହାର କ୍ଷେତ୍ରରେ ଓଡ଼ିଶା ଦେଶର ତୃତୀୟ ରାଜ୍ୟ ହୋଇପାରିଛି।

***Desk***

## ଗ୍ରୀଷ୍ମ ପ୍ରବାହ ମୁକାବିଲା

ଗ୍ରୀଷ୍ମ ପ୍ରବାହ ଜନିତ ପରିସ୍ଥିତିର ମୁକାବିଲା ପାଇଁ ନିରବଚ୍ଛିନ୍ନ ବିଦ୍ୟୁତ ଯୋଗାଣ ବ୍ୟବସ୍ଥାକୁ ସୁନିଶ୍ଚିତ କରିବା ଉପରେ ରାଜସ୍ୱ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଗୁରୁତ୍ୱାରୋପ କରିଛନ୍ତି। ଏଥିପାଇଁ ବିଭାଗଗୁଡ଼ିକ ମଧ୍ୟରେ ସମନ୍ୱୟ ରକ୍ଷା କରିବାକୁ ପରାମର୍ଶ ଦେଇଛନ୍ତି। ମନ୍ତ୍ରୀ ଶ୍ରୀ ପୂଜାରୀ ଆଭାସୀ ମାଧ୍ୟରେ ଜିଲ୍ଲାପାଳମାନଙ୍କ ସହ ଆଲୋଚନା କରି ସମସ୍ତ ପ୍ରକାର ପ୍ରତିକାର ଏବଂ ସତର୍କତା ମୂଳକ ଗ୍ରହଣ କରିବା ପାଇଁ ପରାମର୍ଶ ଦେଇଛନ୍ତି।